# Prime Minister speaks to His Excellency President Volodymyr Zelenskyy of Ukraine

February 26, 2022

## ୟୁକ୍ରେନ ରାଷ୍ଟ୍ରପତି ମହାମହିମ ଭୋଲୋଦିମିର ଜେଲେନ୍ସ୍କିଙ୍କ ସହ କଥା ହେଲେ ପ୍ରଧାନମନ୍ତ୍ରୀ

ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ ୟୁକ୍ରେନ ରାଷ୍ଟ୍ରପତି ମହାମହିମ ଭୋଲୋଦିମିର ଜେଲେନ୍ସ୍କିଙ୍କ ସହିତ କଥା ହୋଇଛନ୍ତି ।

ରାଷ୍ଟ୍ରପତି ଜେଲେନ୍ସ୍କି ୟୁକ୍ରେନରେ ବର୍ତ୍ତମାନର ସଂକଟପୂର୍ଣ୍ଣ ପରିସ୍ଥିତି ସମ୍ପର୍କରେ ପ୍ରଧାନମନ୍ତ୍ରୀଙ୍କୁ ବିସ୍ତୃତ ଭାବେ ଅବଗତ କରାଇଥିଲେ । ଯୁଦ୍ଧ କାରଣରୁ ୟୁକ୍ରେନରେ ହୋଇଥିବା ଜୀବନ ଓ ସମ୍ପତ୍ତି ହାନି ପାଇଁ ପ୍ରଧାନମନ୍ତ୍ରୀ ଗଭୀର ଦୁଃଖ ପ୍ରକଟ କରିଥିଲେ। ହିଂସାର ତୁରନ୍ତ ପରିସମାପ୍ତି କରିବା ସହିତ ଆଲୋଚନା ମାର୍ଗକୁ ଫେରିବା ଲାଗି ପ୍ରଧାନମନ୍ତ୍ରୀ ତାଙ୍କର ନିବେଦନକୁ ପୁଣିଥରେ ଦୋହରାଇଥିଲେ। ସେ କହିଥିଲେ ଯେ ଶାନ୍ତି ପ୍ରକ୍ରିୟାରେ ଭାରତ ଯେକୌଣସି ପ୍ରକାର ହସ୍ତକ୍ଷେପ କରିବା ଲାଗି ପ୍ରସ୍ତୁତ ରହିଛି ।

ୟୁକ୍ରେନରେ ଥିବା ଭାରତୀୟ ନାଗରିକ ଏବଂ ଛାତ୍ରଛାତ୍ରୀଙ୍କ ସୁରକ୍ଷା ଓ ନିରାପତ୍ତାକୁ ନେଇ ପ୍ରଧାନମନ୍ତ୍ରୀ ଭାରତର ଚିନ୍ତା ବ୍ୟକ୍ତ କରିଥିଲେ। ଭାରତୀୟ ନାଗରିକମାନଙ୍କୁ ତୁରନ୍ତ ଏବଂ ନିରାପଦ ଭାବେ ଉଦ୍ଧାର କରିବା ଲାଗି ୟୁକ୍ରେନ କର୍ତ୍ତୃପକ୍ଷଙ୍କ ଠାରୁ ସେ ସହଯୋଗ ଲୋଡ଼ିଥିଲେ ।

ନୂଆଦିଲ୍ଲୀ
ଫେବ୍ରୁଆରୀ 26, 2022

DISCLAIMER: This is an approximate translation. The original is available in English on MEA’s website and may be referred to as the official press release.